# ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅନୁଷ୍ଠିତ ।

## District level Joint hearing of public Grivance.

ଅନୁଗୋଳ,ତା.୦୫.୦୮ : ଆଜି ପୂର୍ବାହ୍ଣରେ ଜିଲ୍ଲା କାର୍ଯ୍ୟାଳୟ କୋର୍ଟ ରୁମ୍ ଠାରେ ଜିଲ୍ଲା ସ୍ତରୀୟ ମିଳିତ ଜନ ଶୁଣାଣି ଶିବିର ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ତପନ କୁମାର ଶତପଥୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି ।ଏହି ଶିବିରରେ ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଶ୍ରୀ ଯଦୁନାଥ ହାଁସଦା ଯୋଗ ଦେଇଥିଲେ । ଶିବିରରେ ଦାଖଲ ହୋଇଥିବା ସମୁଦାୟ ୨୦୯ ଟି ଅଭିଯୋଗରୁ ୨୦୪ଟି ବ୍ୟକ୍ତିଗତ ଓ ୦୫ଟି ଗ୍ରାମ୍ୟ ଭିତ୍ତିକ ସମସ୍ୟା ସଂପର୍କିତ ଅଭିଯୋଗର ଶୁଣାଣି କରି ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ସମ୍ପୃକ୍ତ ବିଭାଗୀୟ ଅଧିକାରୀଙ୍କୁ ଅତିରିକ୍ତ ଜିଲ୍ଲାପାଳ ପରାମର୍ଶ ଦେଇଛନ୍ତି । ଏହି ଶିବିରକୁ ଆସିଥିବା ଲୋକମାନେ ସାଧାରଣତଃ ଭତ୍ତା, ଇନ୍ଦିରାଆବାସ, ବିଜୁ ପକ୍କାଘର,ପାନୀୟ ଜଳ ଯୋଗାଣ, ବିଦ୍ୟୁତ ସମସ୍ୟା, ରାସ୍ତା ନିର୍ମାଣ, ଶିକ୍ଷା, ସ୍ୱାସ୍ଥ୍ୟ, ବିସ୍ଥାପନ ଓ ବିଭିନ୍ନ ରୋଗର ଚିକିତ୍ସା ନିମନ୍ତେ ଗୁହାରି କରିଥିଲେ । ଏହି ଶିବିରରେ ଅନ୍ୟମାନଂକ ମଧ୍ୟରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡ. ପ୍ରତାପ କୁମାର ବେହେରା, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି, ଡେପୁଟୀ କଲେକ୍ଟର ଶ୍ରୀ ବଇତୁରା ଟିପ୍ ଓ ଆସିଷ୍ଟାଣ୍ଟ କଲେକ୍ଟର ଉସାନି ପଣ୍ଡାଂକ ସମେତ ବିଭିନ୍ନ ବିଭାଗର ଜିଲ୍ଲା ସ୍ତରୀୟ ଅଧିକାରୀମାନେ ଯୋଗ ଦେଇ ଥିଲେ ।

